# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**24th August - 2024**

**News Editor : Itishree Singh Rathaur**

**************************************

## ମୁଖ୍ୟ ସମ୍ବାଦ

- ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତାକାଲି ଦେଶର ୧୧ ଲକ୍ଷ ଲକ୍ଷପତି ଦିଦିଙ୍କ ସହ କରିବେ ଭାବବିନିମୟ

– ଜାରି କରିବେ ଅଢ଼େଇ ହଜାର କୋଟି ଟଙ୍କାର ପାଣ୍ଠି

- ଆକାଶବାଣୀର ମନ୍ କି ବାତ୍ କାର୍ଯ୍ୟକ୍ରମରେ ଆସନ୍ତାକାଲି ଉଦ୍‌ବୋଧନ ଦେବେ ପ୍ରଧାନମନ୍ତ୍ରୀ

- ମାଓବାଦୀ ପ୍ରଭାବିତ ରାଜ୍ୟଗୁଡ଼ିକରେ ସୁରକ୍ଷା ବ୍ୟବସ୍ଥା ଓ ବିକାଶୋନ୍ମୁଖୀ କାର୍ଯ୍ୟଗୁଡ଼ିକର ସମୀକ୍ଷା କଲେ ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହା

- ରାଜ୍ୟରେ ଆଗାମୀ ଦିନରେ ଆଳୁ ମିଶନ ସଫଳ ହେବ; କହିଲେ ମୁଖ୍ୟମନ୍ତ୍ରୀ

ଏବଂ

- ବଙ୍ଗୋପସାଗରରେ ସୃଷ୍ଟ ଘୂର୍ଣ୍ଣିବଳୟ ପ୍ରଭାବରେ ଅତି ପ୍ରବଳ ବର୍ଷା ହେବା ନେଇ ରାଜ୍ୟର ୮ଟି ଜିଲ୍ଲାକୁ ସତର୍କ ସୂଚନା

*PIB*

## ପ୍ରଧାନମନ୍ତ୍ରୀ - ଲକ୍ଷପତି ଦିଦି

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତାକାଲି ଦେଶର ୧୧ ଲକ୍ଷ ଲକ୍ଷପତି ଦିଦିଙ୍କ ସହିତ ଭାବ ବିନିମୟ କରି ସେମାନଙ୍କୁ ପ୍ରମାଣପତ୍ର ପ୍ରଦାନ କରିବେ । ମହାରାଷ୍ଟ୍ରର ଜଲଗାଓଁରେ ଆଭାସୀ ମାଧ୍ୟମରେ ଅନୁଷ୍ଠିତ ହେବାକୁ ଥିବା ଏହି କାର୍ଯ୍ୟକ୍ରମରେ ପ୍ରଧାନମନ୍ତ୍ରୀ ଅଢ଼େଇ ହଜାର କୋଟି ଟଙ୍କାର ପାଣ୍ଠି ଜାରି କରିବେ । ଏହାଦ୍ୱାରା ୪୮ ଲକ୍ଷ ସ୍ୱୟଂ ସହାୟକ ଗୋଷ୍ଠୀର ସଦସ୍ୟା ଉପକୃତ ହେବେ ବୋଲି କେନ୍ଦ୍ର ଗ୍ରାମାଞ୍ଚଳ ବିକାଶ ମନ୍ତ୍ରୀ ଶିବରାଜ ସିଂହ ଚୌହାନ କହିଛନ୍ତି । ଶ୍ରୀ ଚୌହାନ କହିଛନ୍ତି, ପ୍ରଧାନମନ୍ତ୍ରୀ ୫ ହଜାର କୋଟି ଟଙ୍କାର ବ୍ୟାଙ୍କ୍ ଋଣ ଜାରି କରିବାର ମଧ୍ୟ ଯୋଜନା ରହିଛି । ଏହାଦ୍ୱାରା ୨୫ ଲକ୍ଷରୁ ଊର୍ଦ୍ଧ୍ୱ ଏସ୍.ଏଚ୍.ଜି. ସଦସ୍ୟମାନେ ଲାଭବାନ ହେବେ। ସୂଚନା ଅନୁସାରେ, ୩୪ଟି ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳର ହିତାଧିକାରୀମାନେ ଏହି କାର୍ଯ୍ୟକ୍ରମରେ ଯୋଗଦେବେ । ଏଥିରେ ଓଡ଼ିଶାର ୯୭ ହଜାର ୨୦୦ ଲକ୍ଷପତି ଦିଦିଙ୍କୁ ପ୍ରମାଣପତ୍ର ମିଳିବ।

*Desk*

## ମନ୍ କି ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତାକାଲି ପୂର୍ବାହ୍ନ ୧୧ଟା ବେଳେ ଆକାଶବାଣୀର ମନ୍ କି ବାତ୍ କାର୍ଯ୍ୟକ୍ରମରେ ଉଦ୍‌ବୋଧନ ଦେବେ । ମନ କି ବାତ୍ କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ ନେଟୱାର୍କ, ଆକାଶବାଣୀ ୱେବ୍‌ସାଇଟ୍ ଓ Newsonair ମୋବାଇଲ୍ App ରେ

ଉପଲବ୍ଧ ହେବ । ଏହା ମଧ୍ୟ ଆକାଶବାଣୀ, DD News, PMO ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ Live Streaming ହେବ । ହିନ୍ଦୀ ପ୍ରସାରଣ ପରେ ପରେ ଆକାଶବାଣୀ କାର୍ଯ୍ୟକ୍ରମର ଆଞ୍ଚଳିକ ଭାଷାନ୍ତରଣର ପ୍ରସାରଣ କରିବ । ରାତି ୮ଟାରେ ଆଞ୍ଚଳିକ ଭାଷାନ୍ତରଣର ପୁନଃ ପ୍ରସାରଣ କରାଯିବ ।

***Desk***

## ଅମିତ ଶାହା –ଛତିଶଗଡ଼

କେନ୍ଦ୍ର ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହାଙ୍କ ଅଧ୍ୟକ୍ଷତାରେ ଆଜି ଛତିଶଗଡ଼ ରାଜଧାନୀ ରାୟପୁରରେ ମାଓବାଦୀ ପ୍ରଭାବିତ ରାଜ୍ୟମାନଙ୍କର ମୁଖ୍ୟ ଶାସନ ସଚିବ ଓ ପୁଲିସ ମହାନିର୍ଦ୍ଦେଶକଙ୍କୁ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଛି। ଏଥିରେ ଶ୍ରୀ ଶାହା ମାଓବାଦୀ ପ୍ରଭାବିତ ଅଞ୍ଚଳଗୁଡ଼ିକରେ ସୁରକ୍ଷା ବ୍ୟବସ୍ଥା ଓ ବିକାଶ ଉନ୍ମୁଖୀ କାର୍ଯ୍ୟଗୁଡ଼ିକର ସମୀକ୍ଷା କରିଛନ୍ତି।

***BBSR***

## ବିଧାନସଭା–୧

ସପ୍ତଦଶ ବିଧାନସଭା ଦ୍ୱିତୀୟ ଅଧିବେଶନରେ ପଞ୍ଚମ ଦିନ ଦ୍ୱିତୀୟାର୍ଦ୍ଧ ବୈଠକ ଆରମ୍ଭ ହେବା ପରେ ଆଜି ଦୁଇଟି ବିଭାଗର ଖର୍ଚ୍ଚ ଦାବି ଆଲୋଚନା କରାଯାଇଛି। ଚଳିତ ଆର୍ଥିକ ବର୍ଷ ପାଇଁ ପୂର୍ତ୍ତ ଓ ଗ୍ରାମ୍ୟ ଉନ୍ନୟନ ବିଭାଗର ଖର୍ଚ୍ଚ ଦାବି ଉପସ୍ଥାପନା କରିବା ପାଇଁ ବିଭାଗୀୟ ମନ୍ତ୍ରୀମାନଙ୍କୁ ବାଚସ୍ପତି ଅନୁମତି ଦେଇଥିଲେ। ପୂର୍ତ୍ତବିଭାଗ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ୧୧ ହଜାର ୧୩୮ କୋଟି ୨୫ ଲକ୍ଷ ୫୩ ହଜାର ଟଙ୍କା ଖର୍ଚ୍ଚ ଦାବି ଉପସ୍ଥାପନ କରିଥିଲେ। ସେହିଭଳି ଗ୍ରାମ୍ୟ ଉନ୍ନୟନ ବିଭାଗ ପାଇଁ

ମନ୍ତ୍ରୀ ରବି ନାରାୟଣ ନାୟକ ୯ ହଜାର ୪୫୫ କୋଟି ୫୩ ଲକ୍ଷ ଟଙ୍କାର ଖର୍ଚ୍ଚ ଦାବି ଉପସ୍ଥାପନ କରିଛନ୍ତି। ତେବେ ଖର୍ଚ୍ଚ ଦାବି ଆଲୋଚନା ସମୟରେ କଂଗ୍ରେସ କକ୍ଷତ୍ୟାଗ କରିଥିବା ବେଳେ ବିରୋଧୀ ଦଳ ବିଜେଡି ଓ ଶାସକ ଦଳର ସଭ୍ୟମାନେ ଆଲୋଚନାରେ ଅଂଶଗ୍ରହଣ କରିଛନ୍ତି।

***BBSR***

## ବିଧାନସଭା- ୨

ସପ୍ତଦଶ ବିଧାନସଭା ଦ୍ୱିତୀୟ ଅଧିବେଶନର ପଞ୍ଚମ ଦିନରେ ଆଜି ପ୍ରଶ୍ନକାଳରେ ବିରୋଧୀ ଦଳ ସଦସ୍ୟମାନେ ବିଭିନ୍ନ ପ୍ରସଙ୍ଗରେ ହଟ୍ଟଗୋଳ କରିବାରୁ ଗୃହକାର୍ଯ୍ୟ ବାଧାପ୍ରାପ୍ତ ହୋଇଥିଲା। ବାଚସ୍ପତି ସୁରମା ପାଢ଼ି ଗୃହକୁ ବାରମ୍ବାର ମୁଲତବୀ ଘୋଷଣା କରିଥିଲେ। ଶୂନ୍ୟକାଳରେ କଂଗ୍ରେସ ଦଳର ନେତା ରାମଚନ୍ଦ୍ର କାଡାମ ଗୃହରେ ସଂରକ୍ଷଣ ପ୍ରସଙ୍ଗ ଉତ୍ଥାପନ କରିଥିଲେ। ବାଚସ୍ପତିଙ୍କ ଦୃଷ୍ଟି ଆକର୍ଷଣ କରି ଶ୍ରୀ କାଡ଼ାମ କହିଥିଲେ, ରାଜ୍ୟରେ ଅନୁସୂଚିତ ଜାତି, ଅନୁସୂଚିତ ଜନଜାତି ଓ ଅନ୍ୟାନ୍ୟ ପଛୁଆ ବର୍ଗର ମୋଟ ଜନସଂଖ୍ୟାର ୯୪ ପ୍ରତିଶତ ଅଛନ୍ତି। ସେହିଭଳି ପଛୁଆବର୍ଗଙ୍କୁ ୨୭ ପ୍ରତିଶତ ସଂରକ୍ଷଣ ନେଇ ନିୟମ ଥିଲେ ମଧ୍ୟ ଏହାକୁ ଦୀର୍ଘବର୍ଷ ଧରି ସରକାର ପାଳନ କରୁନାହାଁନ୍ତି। ଯାହା ଫଳରେ ପଛୁଆବର୍ଗର ଛାତ୍ରଛାତ୍ରୀମାନେ ଡାକ୍ତରୀ ପାଠ୍ୟକ୍ରମରେ ନାମଲେଖା ପାଇଁ ଉଚିତ ସ୍ଥାନ ସଂରକ୍ଷଣ ପାଇପାରୁନାହାଁନ୍ତି। ବିଜେଡି ବିଧାୟକ ଅରୁଣ କୁମାର ସାହୁ ମଧ୍ୟ ଗୃହରେ ସମାନ ଦାବି ଉପସ୍ଥାପନ କରିଥିଲେ। ସୂଚନାଯୋଗ୍ୟ, ଆସନ୍ତା ୨୯ ତାରିଖରୁ ଡାକ୍ତରୀ ପାଠ୍ୟକ୍ରମରେ ନାମଲେଖା ପ୍ରକ୍ରିୟା ଆରମ୍ଭ ହେବ। ନାମଲେଖା ପ୍ରକ୍ରିୟାରେ ଅନୁସୂଚିତ

ଜାତି, ଅନୁସୂଚିତ ଜନଜାତି ଏବଂ ଅନ୍ୟାନ୍ୟ ପଛୁଆବର୍ଗର ଛାତ୍ରଛାତ୍ରୀମାନଙ୍କୁ ସାମ୍ବିଧାନିକ ନିୟମ ଅନୁସାରେ ସ୍ଥାନ ସଂରକ୍ଷଣ କରିବା ପାଇଁ  ଗୃହରେ ବାଚସ୍ପତିଙ୍କର ଦୃଷ୍ଟି ଆକର୍ଷଣ କରିଥିଲେ ।

***Desk***

## ମୁଖ୍ୟମନ୍ତ୍ରୀ– ଓୟୁଇଟି ପ୍ରତିଷ୍ଠା ଦିବସ

ରାଜ୍ୟରେ ଆଗାମୀ ଦିନରେ ଆଳୁ ମିଶନ ସଫଳ ହେବ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି। ଭୁବନେଶ୍ୱରସ୍ଥିତ ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟର ୬୩ତମ ପ୍ରତିଷ୍ଠା ଦିବସରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ତୈଳବୀଜ, ଆଳୁ, ଫଳ, ମାଛ ଆଦି ଉତ୍ପାଦନ କ୍ଷେତ୍ରରେ ଜଳବାୟୁ ଉପଯୋଗୀ କିଷମ ସୃଷ୍ଟି କରିବାକୁ ବୈଜ୍ଞାନିକମାନଙ୍କୁ ଆହ୍ୱାନ ଦେଇଛନ୍ତି। କୃଷକମାନଙ୍କ ସର୍ବାଙ୍ଗୀନ ବିକାଶକୁ ତ୍ୱରାନ୍ୱିତ କରିବା ପାଇଁଫ ସରକାର ଅନେକ ପଦକ୍ଷେପ ନେଇଛନ୍ତି। ମୁଖ୍ୟମନ୍ତ୍ରୀ କିଷାନ ଯୋଜନା ଜରିଆରେ ଚଳିତ ବର୍ଷ ବଜେଟ୍‌ରେ ୧ ହଜାର ୯୩୫ କୋଟି ଟଙ୍କାର ବ୍ୟୟବରାଦ କରାଯାଇଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

ଏହି ଅବସରରେ ଓୟୁଏଟି ପରିସରରେ ନବନିର୍ମିତ ୧ ହଜାର ୮ ଆସନ ବିଶିଷ୍ଟ ପ୍ରେକ୍ଷାଳୟ କୃଷି ଶିକ୍ଷା ସଦନକୁ  ମୁଖ୍ୟମନ୍ତ୍ରୀ ଉଦ୍‌ଘାଟନ କରିଥିଲେ। ଏହି ଉତ୍ସବରେ ବିଶ୍ୱବିଦ୍ୟାଳୟର କୁଳପତି ଓୟୁଏଟିର ଦୁଇଟି ଧାନ କିଷମ ଚନ୍ଦ୍ରଗିରି, ମହେନ୍ଦ୍ରଗିରି ତଥା ମାଣ୍ଡିଆ କିଷମ ଶ୍ରୀପ୍ରଭାକୁ କେନ୍ଦ୍ରୀୟ କିଷମ ବିକାଶ ପକ୍ଷରୁ ଅନୁମୋଦନ ମିଳିଥିବା କହିଥିଲେ।

*CTC*

## ମୁଖ୍ୟମନ୍ତ୍ରୀ- ଜନଶୁଣାଣି

ଭୁବନେଶ୍ୱର ୟୁନିଟ୍-୫ସ୍ଥିତ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠରେ ଆସନ୍ତା ସୋମବାର ଅଗଷ୍ଟ ୨୬ ତାରିଖରେ ଜନଶୁଣାଣି ବନ୍ଦ ରହିବ। ସରକାରୀ ଛୁଟି ଦିବସ ଥିବାରୁ ଏହି ଦିନ ଜନଅଭିଯୋଗ ଶୁଣାଣି ବନ୍ଦ ରହିବ। ଏ ସମ୍ପର୍କରେ ସାଧାରଣ ପ୍ରଶାସନ ଅଭିଯୋଗ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି।

*I&PR*

## +୩ ନାମଲେଖା

ଚଳିତ ଶିକ୍ଷାବର୍ଷରେ ଯୁକ୍ତ ତିନି ପାଠ୍ୟକ୍ରମରେ ପ୍ରଥମ ପର୍ଯ୍ୟାୟରେ ନାମ ଲେଖାଇ ସାରିଥିବା ଛାତ୍ରଛାତ୍ରୀମାନେ ଦ୍ୱିତୀୟ ପର୍ଯ୍ୟାୟରେ ନାମ ଲେଖାଇବା ପାଇଁ ମଧ୍ୟ ଆବେଦନ କରିପାରିବେ ବୋଲି ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ସୂଚନା ଦେଇଛନ୍ତି। ମନ୍ତ୍ରୀ କହିଛନ୍ତି, ଛାତ୍ରଛାତ୍ରୀ ଓ ଅବିଭାବକମାନଙ୍କ ପକ୍ଷରୁ କରାଯାଇଥିବା ଅନୁରୋଧକୁ ଦୃଷ୍ଟିରେ ରଖି ପୂର୍ବରୁ ପ୍ରକାଶିତ ମାର୍ଗଦର୍ଶିକାକୁ ସଂଶୋଧନ କରାଯାଇଛି। ଏହିକ୍ରମରେ ଛାତ୍ରଛାତ୍ରୀ ନିଜ ପସନ୍ଦର କଲେଜ ଓ ପାଠ୍ୟକ୍ରମରେ ନାମ ଲେଖାଇପାରିବେ। ସୂଚନା ଅନୁସାରେ, ଗତ ୧୨ ତାରିଖରୁ ୨୬ ତାରିଖ ପର୍ଯ୍ୟନ୍ତ ଦ୍ୱିତୀୟ ପର୍ଯ୍ୟାୟ ନାମଲେଖା ଜାରି ରହିବ।

*Puri*

## ପୁରୀ- ରତ୍ନଭଣ୍ଡାର

ରାଜ୍ୟ ସରକାରଙ୍କର ଅନୁମୋଦିତ ମାର୍ଗଦର୍ଶିକା- ଏସ୍‌ଓପି ଅନୁସାରେ ପୁରୀ ଶ୍ରୀମନ୍ଦିରର ବାହାର ଓ ଭିତର ରତ୍ନଭଣ୍ଡାରରୁ ଅଳଙ୍କାର ସ୍ଥାନାନ୍ତରଣ ପ୍ରକ୍ରିୟା ଶେଷ ହେବାପରେ ପ୍ରତ୍ନତାତ୍ତ୍ୱିକ ସର୍ବେକ୍ଷଣ ସଂସ୍ଥା- ଏ.ଏସ୍.ଆଇ. ଏହାର ସଂରକ୍ଷଣ ଓ ମରାମତି କାର୍ଯ୍ୟ କରିବ। ଏ ନେଇ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡକ୍ଟର ଅରବିନ୍ଦ ପାଢ଼ି ପ୍ରତ୍ନତାତ୍ତ୍ୱିକ ସର୍ବେକ୍ଷଣ ସଂସ୍ଥାକୁ ଚିଠି ଲେଖିଛନ୍ତି। ଅତ୍ୟାଧୁନିକ ଜ୍ଞାନକୌଶଳ ବ୍ୟବହାର କରି ଏହି ସର୍ଭେ କରାଯିବାକୁ ଅନୁରୋଧ କରାଯାଇଛି। ରତ୍ନଭଣ୍ଡାରର ସାମଗ୍ରୀକ ବୈଷୟିକ ଯାଞ୍ଚ ଶେଷ ହେବା ପରେ ତୁରନ୍ତ ସଂରକ୍ଷଣ ଏବଂ ମରାମତି କାମ ଆରମ୍ଭ କରିବା ପାଇଁ  ସଂସ୍ଥାକୁ ଅନୁରୋଧ କରାଯାଇଛି। ରତ୍ନଭଣ୍ଡାରର ମରାମତି ପରେ  ଅସ୍ଥାୟୀ ଭାବେ ରଖାଯାଇଥିବା ଶ୍ରୀଜୀଉମାନଙ୍କର ଅଳଙ୍କାର ଏବଂ ମୂଲ୍ୟବାନ ସାମଗ୍ରୀଗୁଡ଼ିକର ଗଣତି, ମଣତି କରାଯାଇ ଅଳଙ୍କାରଗୁଡ଼ିକୁ ପୁଣିଥରେ ରତ୍ନଭଣ୍ଡାରକୁ ସ୍ଥାନାନ୍ତର କରାଯିବ ବୋଲି ଶ୍ରୀମନ୍ଦିରର ମୁଖ୍ୟ ପ୍ରଶାସକ କହିଛନ୍ତି।

*Nabarangpur*

## ସ୍ମୃତି ଦିବସ ପାଳିତ

ନବରଙ୍ଗପୁର ଜିଲ୍ଲାର ପାପଡ଼ାହାଣ୍ଡିଠାରେ ସହିଦ ସ୍ମୃତି ଦିବସ ପାଳିତ ହୋଇଯାଇଛି। ସ୍ମୃତି କମିଟି ପକ୍ଷରୁ ଆୟୋଜିତ କାର୍ଯ୍ୟକ୍ରମରେ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ମୁଖ୍ୟ ଅତିଥିଭାବେ ଯୋଗଦେଇ ଦେଶ ପାଇଁ ବଳିଦାନ ଦେଇଥିବା ସ୍ୱାଧୀନତା ସଂଗ୍ରାମୀମାନଙ୍କୁ ଶ୍ରଦ୍ଧାଞ୍ଜଳି ଦେବା ସହ

ତାଙ୍କ ସ୍ମୃତିଚାରଣ କରିଥିଲେ। ଏହି ଅବସରରେ ଏକ ମଶାଲ ଶୋଭାଯାତ୍ରା ସହର ପରିକ୍ରମା କରିଥିଲା।

***Desk***

# ଦର୍ଶନ ବନ୍ଦ

ଭାଦ୍ରବ କୃଷ୍ଣପକ୍ଷ ପଞ୍ଚମୀ ତିଥିରେ ଆଜି ପୁରୀ ଶ୍ରୀମନ୍ଦିରରେ ଶ୍ରୀଜୀଉଙ୍କ ରାହୁରେଖା ଲାଗି ନୀତି ଅନୁଷ୍ଠିତ ହେଉଛି । ଏଥିପାଇଁ ଅପରାହ୍ନ ୨ଟାରୁ ସର୍ବସାଧାରଣ ଦର୍ଶନ ବନ୍ଦ ରହିଛି ବୋଲି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ମିଳିଛି ।

***Desk***

# ପାଣିପାଗ

ଉତ୍ତର ବଙ୍ଗୋପସାଗରରେ ସୃଷ୍ଟ ଘୂର୍ଣ୍ଣିବଳୟର ପ୍ରଭାବରେ ଆସନ୍ତା ଦୁଇ ଦିନ ପର୍ଯ୍ୟନ୍ତ ରାଜ୍ୟର ଅଧିକାଂଶ ଜିଲ୍ଲାରେ ବର୍ଷାର ସମ୍ଭାବନା ଅଛି ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ କୁହାଯାଇଛି। ସୂଚନା ଅନୁସାରେ, ଘୂର୍ଣ୍ଣିବଳୟ ଆସନ୍ତା ୪୮ ଘଣ୍ଟା ମଧ୍ୟରେ ଘନୀଭୂତ ହୋଇ ଲଘୁଚାପରେ ପରିଣତ ହେବ। ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଅତିପ୍ରବଳ ବର୍ଷା ହେବା ନେଇ ମୟୂରଭଞ୍ଜ, କେନ୍ଦୁଝର, ଅନୁଗୁଳ, ଢେଙ୍କାନାଳ, କଟକ, ଜଗତସିଂହପୁର, ଯାଜପୁର ଓ କେନ୍ଦ୍ରାପଡ଼ା ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି। ସେହିଭଳି ୧୮ଟି ଜିଲ୍ଲାରେ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି।

***CTC***

## ବାସ୍କେଟବଲ୍

ଓଡ଼ିଶା ରାଜ୍ୟ ବାସ୍କେଟବଲ ଆସୋସିଏସନ ଆନୁକୂଲ୍ୟରେ କଟକସ୍ଥିତ ଜବାହରଲାଲ ନେହରୁ ଇଣ୍ଡୋର ଷ୍ଟାଡ଼ିୟମରେ ଚାଲିଥିବା ରାଜ୍ୟ ଉପ କନିଷ୍ଠ ବାସ୍କେଟବଲ୍ ଚମ୍ପିଆନସିପ୍‌ର ଆଜି ଦ୍ୱିତୀୟ ଦିନରେ ୨୫ଟି ମ୍ୟାଚ ଖେଳାଯାଇଥିଲା । ଏଥିରେ ଏଣ୍ଟରଟେନର ୨୫-୨୩ ପଏଣ୍ଟରେ ଗଞ୍ଜାମକୁ, ସିବିଏ ୨୦-୧୭ରେ ସିଡିଏକୁ, ବଲାଙ୍ଗୀର ୨୫-୦ରେ ଭଦ୍ରକକୁ, ପୁରୀ ୨୫-୨ରେ ବିଏଏକୁ, କିସ୍ ୨୫-୧୪ରେ ରୋଭର୍ସକୁ, ଢେଙ୍କାନାଳ ୨୦-୦ରେ ସିବିଏକୁ ଓ ଏଣ୍ଟରଟେନର ୨୩-୯ରେ ବିଏଏକୁ ପରାସ୍ତ କରିଥିବାବେଳେ ପୁରୀ ଓ କିସ୍ ମଧ୍ୟରେ ମ୍ୟାଚ ଅନୁଷ୍ଠିତ ହେଉଛି । ଆସନ୍ତାକାଲି ନକ୍‌ଆଉଟ୍ ମ୍ୟାଚ ଖେଳାଯିବ ।